ଓଁ ଶ୍ରୀ ଗଣେଶାୟ ନମଃ

ପ୍ରାଚୀନ ଭାରତୀୟ ବୈଦିକ ସାହିତ୍ୟ

Vedic Literature of Ancient India

# ଉପନିଷଦ

(ଉପନିଷତ୍)

Upanishad / उपनिषत्

## ୧୦୮ ଉପନିଷଦ ( ଭାଗ – ୪ )

108 Upanishad ( Vol – 4 )


### ସଂପାଦନ - ଶ୍ରୀ ପ୍ରକାଶ ପ୍ରଧାନ

Editor – Prakash Pradhan


### ଭାଷା - ସଂସ୍କୃତ-ଓଡିଆ

Language – Sanskrit - Odia


ଉପଦେଷ୍ଟା

### ପଣ୍ଡିତ ଶ୍ରୀ ସନ୍ତୋଷ କୁମାର ମିଶ୍ର

ସଂପାଦକ, ହିନ୍ଦୁ ମହାସଭା, ଓଡ଼ିଶା ଶାଖା

# ବେଦ ଉପନିଷଦ

ଉପନିଷଦ ଗୁଡିକ 'ବେଦ ଯୁଗ'ର ଶେଷ ଆଡ଼କୁ ରଚନା କରାଯାଇଥିଲା । ଉପନିଷଦ 'ଷଦ' ଶବ୍ଦରୁ ଆସିଅଛି, ଷଦ ଅର୍ଥାତ 'ବସିବା', ଏଥିରେ ପୂର୍ବରେ 'ଉପ' ଓ 'ନି' କୁ ଯୋଡା ଯାଇଛି । ଅର୍ଥାତ 'ଉପ' ର ଅର୍ଥ ପାଖରେ , 'ନି' ର ଅର୍ଥ ସମ୍ପୁର୍ଣ୍ଣ ଭାବରେ, ତେଣୁ ଉପ-ନି-ଷଦ, ଯାହାର ଅର୍ଥ ହେଲା, ସମ୍ପୁର୍ଣ୍ଣ ଭାବରେ ଗୁରୁଙ୍କ ପାଖରେ ବସିବା, ଅର୍ଥାତ ସମ୍ପୁର୍ଣ୍ଣ ସମର୍ପଣ ସହିତ ଗୁରୁଙ୍କ ପାଖରେ ବସି ବେଦର ଶେଷ ଭାଗ ଅଧ୍ୟୟନ କରିବା । **ଉପନିଷଦ**କୁ ବେଦର **ଚତୁର୍ଥ ସ୍ତର** ବା ଅଂଶ ବୋଲି କୁହାଯାଏ ।

ଯେହେତୁ ଉପନିଷଦ ଗୁଡିକ ବେଦର ଅନ୍ତ ଆଡ଼କୁ ରଚନା କରାଯାଇଥିଲା, ସେଥିପାଇଁ ଏହାକୁ '**ବେଦାନ୍ତ**' ମଧ୍ୟ କୁହାଯାଏ । ଅଧିକାଂଶ ଉପନିଷଦ ଗୁଡିକର ବିଷୟବସ୍ତୁ '**ଆତ୍ମବିଦ୍ୟା**' ଓ '**ବ୍ରହ୍ମବିଦ୍ୟା**' ଉପରେ ଆଧାରିତ । ଏହାକୁ ଅନେକ ଗବେଷକ ବା ପଣ୍ଡିତ ବା ଜ୍ଞାନୀମାନେ ଅନେକ ଆଖ୍ୟା ଦେଇଛନ୍ତି ଯଥା – 'ଆଦି ଶଙ୍କରାଚାର୍ଯ୍ୟ' ଏହାକୁ 'ଆତ୍ମ ଓ ବ୍ରହ୍ମବିଦ୍ୟା' କହିଛନ୍ତି, 'ମାକ୍ସ ମୁଲ୍ଲେର୍' ଓ 'ପାଉଲ୍ ଦେଉସାନ୍' ଏହାକୁ 'ଗୁପ୍ତ ଶିକ୍ଷା', ଓ 'ପାଟ୍ରିକ୍ ଓଲିଭେଲ୍ଲେ' 'ଲୁକ୍କାୟିତ ଅର୍ଥ', ବୋଲି କହିଛନ୍ତି ।

ଏହା କୁହାଯାଏ ଯେ, ଯେଉଁ ଶିଷ୍ୟ ମାନଙ୍କର ଚରିତ୍ର, ଶିକ୍ଷା ଓ ଗୁରୁଭକ୍ତି ଠିକ ରହୁଥିଲା, ସେଇମାନଙ୍କୁ କେବଳ ଉପନିଷଦ ଶିକ୍ଷା ଗ୍ରହଣ କରିବାର ସୁଯୋଗ ମିଳୁଥିଲା । ସେଇଥିପାଇଁ ଉପନିଷଦ ମାନଙ୍କୁ "**ଗୁପ୍ତ ବିଦ୍ୟା**" କୁହାଯାଏ ।

ଇତିହାସକାର ଓ ଗବେଷକ ମାନଙ୍କ ଅନୁସାରେ ବେଦରେ ସମୁଦାୟ **୧୦୮**ଟି ଉପନିଷଦ ଅଛି । ଏହିସବୁ ଉପନିଷଦ ଗୁଡିକୁ ପ୍ରତ୍ୟେକ ବେଦ ଅଧୀନରେ ସେମାନଙ୍କର ପ୍ରାଧାନ୍ୟ ଓ ବିଷୟବସ୍ତୁ ଅନୁସାରେ ବିଭକ୍ତ କରାଯାଇଛି । ବିଭକ୍ତିକରଣର ପଦ୍ଧତି ଗୁଡିକ ହେଲେ - **ମୁଖ୍ୟ, ସାମାନ୍ୟ, ସନ୍ନ୍ୟାସ, ଶାକ୍ତ, ବୈଷ୍ଣବ, ଶୈବ**, ଓ **ଯୋଗ** । ଅର୍ଥାତ ପ୍ରତ୍ୟେକ ବେଦର ମୁଖ୍ୟ, ସାମାନ୍ୟ, ସନ୍ନ୍ୟାସ, ଶାକ୍ତ, ବୈଷ୍ଣବ, ଶୈବ, ଓ ଯୋଗ ଉପନିଷଦ ଗୁଡିକ ଅଛି । (ତଳେ ଦିଆଯାଇଥିବା ଟେବୁଲରେ ଏହାର ସଂକ୍ଷିପ୍ତକରଣ ପାଇ ପାରିବେ)

ଏସବୁ ଉପନିଷଦ ଭିତରୁ **ଦଶୋପନିଷଦ,** ଅର୍ଥାତ ୧୦ଟି ଉପନିଷଦକୁ 'ମୁଖ୍ୟ ଉପନିଷଦ' ଭାବରେ ମାନନ୍ତି, ଏଥିରେ, ପରେ ଆଉ ୩ଟି ଉପନିଷଦ ଯୋଗ କରାଯାଇ ଏହାକୁ ୧୩ଟି କରିଦିଆଗଲା । ତେଣୁ **୧୩ଟି ମୁଖ୍ୟ ଉପନିଷଦ**, ସେଗୁଡିକ ହେଲେ - (ଦଶୋପନିଷଦ) - ଇଶ, କେନ, କଠ, ପ୍ରଶ୍ନ, ମୁଣ୍ଡକ, ମାଣ୍ଡୁକ୍ୟ, ତୈତ୍ତିରୀୟ, ଐତରେୟ, ଛାନ୍ଦୋଗ୍ୟ ଓ ବୃହଦାରଣ୍ୟକ, (ଅତିରିକ୍ତ) - କୌଷୀତକି, ଶ୍ୱେତାଶ୍ୱତର ଓ ମୈତ୍ରାୟଣୀୟ ।

# ବେଦ - ଉପନିଷଦ ସଂଗଠନ

| ବେଦ | ସଂଖ୍ୟା | ମୁଖ୍ୟ | ସାମାନ୍ୟ | ସନ୍ନ୍ୟାସ | ଶାକ୍ତ | ବୈଷ୍ଣବ | ଶୈବ | ଯୋଗ |
|---|---|---|---|---|---|---|---|---|
| ଋଗ୍ ବେଦ | ୧୦ | ଐତରେୟ, କୌଷୀତକି | ଆତ୍ମବୋଧ, ମୁଦ୍ଗଲ | ନିର୍ବାଣ | ତ୍ରିପୁରା, ସୌଭାଗ୍ୟଲକ୍ଷ୍ମୀ, ବହ୍ବୃଚ, | - | ଅକ୍ଷମାଳିକା | ନାଦବିନ୍ଦୁ |
| ସାମବେଦ | ୧୬ | ଛାନ୍ଦୋଗ୍ୟ, କେନ | ବଜ୍ରସୂଚୀ, ମହା, ସାବିତ୍ରୀ, | ଆରୁଣେୟ, ମୈତ୍ରେୟ, ସଂନ୍ୟାସ, କୁଣ୍ଡିକା | - | ବାସୁଦେବ, ଅବ୍ୟକ୍ତ | ରୁଦ୍ରାକ୍ଷଜାବାଲ, ଜବାଲି | ଯୋଗଚୂଡାମଣି, ଦର୍ଶନ |
| କୃଷ୍ଣ ଯଜୁର୍ବେଦ | ୩୨ | କଠ, ତୈତ୍ତିରୀୟ, ଶ୍ବେତାଶ୍ବତର, ମୈତ୍ରାୟଣୀୟ, | ସର୍ବସାର, ଶୁକରହସ୍ୟ, ସ୍କନ୍ଦ, ଗର୍ଭ, ଶାରୀରକ, ଏକାକ୍ଷର, ଅକ୍ଷି | ବ୍ରହ୍ମ, ଅବଧୂତ, କଠଶ୍ରୁତି | ସରସ୍ବତୀ ରହସ୍ୟ | ନାରାୟଣ, କଳି ସନ୍ତରଣ | କୈବଲ୍ୟ, କାଳାଗ୍ନି ରୁଦ୍ର, ଦକ୍ଷିଣାମୂର୍ତି, ରୁଦ୍ରହୃଦୟ, ପଞ୍ଚବ୍ରହ୍ମ | ଅମୃତବିନ୍ଦୁ, ତେଜୋବିନ୍ଦୁ, ଅମୃତନାଦ, କ୍ଷୁରିକା, ଧ୍ୟାନବିନ୍ଦୁ, ବ୍ରହ୍ମବିଦ୍ୟା, ଯୋଗତତ୍ତ୍ବ, ଯୋଗଶିଖା, ଯୋଗକୁଣ୍ଡଳିନୀ, ବରାହ |
| ଶୁକ୍ଳ ଯଜୁର୍ବେଦ | ୧୮ | ଈଶ, ବୃହଦାରଣ୍ୟକ | ସୁବାଲ, ମନ୍ତ୍ରିକ, ନିରାଲମ୍ବ, ପୈଙ୍ଗଲ, ଅଧ୍ୟାତ୍ମ, ମୁକ୍ତିକା | ଜାବାଲ, ଭିକ୍ଷୁକ, ତୁରୀୟାତୀତ ଅବଧୂତ, ଯାଜ୍ଞବଲ୍କ୍ୟ, ଶାଟ୍-ୟାୟନୀୟ, | - | ତାରସାର | - | ଅଦ୍-ବୟ ତାରକ, ହଂସ, ତ୍ରିଶିଖି-ବ୍ରାହ୍ମଣ, ମଣ୍ଡଳ-ବ୍ରାହ୍ମଣ |

| ବେଦ | ସଂଖ୍ୟା | ମୁଖ୍ୟ | ସାମାନ୍ୟ | ସନ୍ନ୍ୟାସ | ଶାକ୍ତ | ବୈଷ୍ଣବ | ଶୈବ | ଯୋଗ |
|---|---|---|---|---|---|---|---|---|
| ଅଥର୍ବ ବେଦ | ୩୨ | ମୁଣ୍ଡକ, ମାଣ୍ଡୁକ୍ୟ, ପ୍ରଶ୍ନ, | ଆତ୍ମା, ସୂର୍ଯ୍ୟ, ପ୍ରାଣାଗ୍ନିହୋତ୍ର | ଆଶ୍ରମ, ନାରଦପରିବ୍ରାଜକ, ପରମହଂସ, ପରମହଂସ ପରିବ୍ରଜକ, ପରଂବ୍ରହ୍ମ, | ସୀତା, ଦେବୀ, ତ୍ରିପୁରାତାପିନୀ, ଭାବନ | ନୃସିଂହ ତାପନୀୟ, ମହାନାରାୟଣ, ରାମ ରହସ୍ୟ, ରାମ ତାପନୀୟ, ଗୋପାଳ-ତାପନୀ, କୃଷ୍ଣ, ହୟଗ୍ରୀବ, ଦତ୍ତାତ୍ରେୟ, ଗରୁଡ଼ | ଅଥର୍ବସିରସ୍, ଅଥର୍ବଶିଖା, ବୃହଜ୍ଜାବାଲ, ଶରଭ, ଭସ୍ମଜାବାଲ, ଗଣପତ୍ୟର୍ଥବ ଶୀର୍ଷ | ଶାଣ୍ଡିଲ୍ୟ, ପଶୁପତିବ୍ରହ୍ମ, ମହାବାକ୍ୟ |
| ସର୍ବମୋଟ | ୧୦୮ | ୧୩ | ୨୧ | ୧୯ | ୮ | ୧୪ | ୧୩ | ୨୦ |

**ପ୍ରୀୟ ପାଠକ,**

ବିଭିନ୍ନ ସୂତ୍ରରୁ ଉପଲବ୍ଧ ଉପନିଷଦ ମାନଙ୍କ ମଧ୍ୟରେ ସାମାନ୍ୟ ଅନ୍ତର ପରିଲକ୍ଷିତ ହୋଇଥାଏ, ଏହା ଭୁଲ୍ କିମ୍ବା ତୃଟିଯୁକ୍ତ ନୁହେଁ, ଏହା କେବଳ ଭିନ୍ନ ଭିନ୍ନ ସଂସ୍କରଣ ଅଟେ । ଏହି ଉପନିଷଦ ସଂସ୍କରଣରେ ୧୯୪୮ ମସିହାରେ ପ୍ରକାଶିତ "ଇଶାଦି ବିଂଶୋତ୍ତରଶତୋପନିଷଦଃ" ପୁସ୍ତକ ବ୍ୟବହାର କରାଯାଇଛି ।

ଆମ ଜ୍ଞାନ ଅବଧିରେ, ଧ୍ୟାନ ପୂର୍ବକ ସମସ୍ତ ସାବଧାନ, ଓ ଯତ୍ନର ସହିତ ଓଡିଆରେ ରୂପାନ୍ତର କରାଯାଇଛି । ଏଥିରେ ଭୁଲ୍ ବା ତୃଟି ରହିଥାଇପାରେ, ଯଦି କିଛି ତୃଟି ରହିଯାଇଥାଏ, ତାହା ସଂପାଦକଙ୍କ ଦୃଷ୍ଟି ଗୋଚରକୁ ଆଣିବାକୁ ଅନୁରୋଧ ।

ଆଶାକରୁଛି, ଏହା ସମସ୍ତ ଓଡିଆ ଭାଷା ଭାଷୀ ଜ୍ଞାନଲିପ୍ସୁ ଜନମାନଙ୍କ କାମରେ ଆସିବ ଓ ଏହାକୁ ଅନ୍ୟମାନଙ୍କ, ତଥା ଭବିଷ୍ୟତ ପିଢି ପର୍ଯ୍ୟନ୍ତ ପହଞ୍ଚାଇ ଭାରତର ସଂସ୍କୃତି ଓ ପରମ୍ପରାକୁ ବଜାୟ ରଖିବେ ।

**ତାରିଖ - ୧୦.୦୯.୨୦୨୧**
**ଗଣେଶ ଚତୁର୍ଥୀ**

**ଶ୍ରୀ ପ୍ରକାଶ ପ୍ରଧାନ**
**ସଂପାଦକ**
ସଂସାରଫଳ, ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡା, ଓଡିଶା

# ବୈଷ୍ଣବ ଉପନିଷଦ

(Vaishnava Upanishad)

ଓଁ ଶ୍ରୀ ଗଣେଶାୟ ନମଃ

# କଳିସଂତରଣୋ ଉପନିଷଦ

(Kalisantaranopanisat / Kalisantarana Upanishad)

**ସଂପାଦନ - ଶ୍ରୀ ପ୍ରକାଶ ପ୍ରଧାନ**

Editor – Prakash Pradhan

**ଭାଷା - ସଂସ୍କୃତ-ଓଡିଆ**

Language – Sanskrit - Odia

**ଶୁଦ୍ଧିକରଣ (**Proofreading by)

ଅଧ୍ୟାପକ ଶ୍ରୀ ଅରୁଣ କୁମାର ଦାଶ




**ଶ୍ରୀ ପ୍ରକାଶ ପ୍ରଧାନ**

ସଂପାଦକ

prakash@scholarshoppe.com


## ଶୁଦ୍ଧିକରଣ




**ଅଧ୍ୟାପକ ଶ୍ରୀ ଅରୁଣ କୁମାର ଦାଶ**

ସଂସାରଫଳ, ପଟ୍ଟାମୁଣ୍ଡାଇ,

କେନ୍ଦ୍ରାପଡା, ଓଡିଶା

dasharun609@gmail.com

# କଲିସଂତରଣୋପନିଷତ୍ / କଲିସଂତରଣ / କଲିସଂତରଣ ଉପନିଷଦ

## ।। ଅଥ କଲିସଂତରଣୋପନିଷତ୍ ।।

ଯଦ୍ଦିବ୍ୟନାମ ସ୍ମରତାଂ ସଂସାରୋ ଗୋପ୍-ପଦାୟତେ ।
ସା ନବ୍ୟଭକ୍ତିର୍ଭବତି ତଦ୍ରାମପଦମାଶ୍ରୟେ ।।

ଓଁ ସହ ନାବବତୁ । ସହ ନୌ ଭୁନକ୍ତୁ । ସହ ବୀର୍ୟଙ୍କରବାବହୈ ।
ତେଜସ୍ୱିନାବଧୀତମସ୍ତୁ ମା ବିଦ୍ୱିଷାବହୈ ।
ଓଁ ଶାନ୍ତିଃ ଶାନ୍ତିଃ ଶାନ୍ତିଃ ।।

(ଭଗବନ୍ନାମସ୍ମରଣମାତ୍ରେଣ କଲିସନ୍ତରଣମ୍)
ହରିଃ ଓଁ ।।
ଦ୍ୱାପରାନ୍ତେ ନାରଦୋ ବ୍ରହ୍ମାଣଂ ଜଗାମ କଥଂ ଭଗବନ୍ ଗାଂ ପର୍ୟଟନ୍-କଲିଂ ସଂତରେୟମିତି ।
ସ ହୋବାଚ ବ୍ରହ୍ମା ସାଧୁ ପୃଷ୍ଟୋଽସ୍ମି ସର୍ବଶ୍ରୁତିରହସ୍ୟଂ
ଗୋପ୍ୟଂ ତଚ୍ଛୃଣୁ ୟେନ କଲିସଂସାରଂ ତରିଷ୍ୟସି ।
ଭଗବତ ଆଦିପୁରୁଷସ୍ୟ ନାରାୟଣସ୍ୟ ନାମୋଚ୍ଚାରଣମାତ୍ରେଣ ନିର୍ଧୂତକଲିର୍ଭବତି ।

(ପରବ୍ରହ୍ମବରଣବିନାଶକଷୋଡଶନାମାନି)
ନାରଦଃ ପୁନଃ ପପ୍ରଚ୍ଛ ତନ୍ନାମ କିମିତି । ସ ହୋବାଚ ହିରଣ୍ୟଗର୍ଭଃ ।
ହରେ ରାମ ହରେ ରାମ ରାମ ରାମ ହରେ ହରେ ।
ହରେ କୃଷ୍ଣ ହରେ କୃଷ୍ଣ କୃଷ୍ଣ କୃଷ୍ଣ ହରେ ହରେ ।। ୧ ।।

ଇତି ଷୋଡଶକଂ ନାମ୍ନାଂ କଲିକଲ୍ମଷନାଶନମ୍ ।
ନାତଃ ପରତରୋପାୟଃ ସର୍ବବେଦେଷୁ ଦୃଶ୍ୟତେ ।। ୨ ।।

ଇତି ଷୋଡଶକଲାବୃତସ୍ୟ ଜୀବସ୍ୟାବରଣବିନାଶନମ୍ ।
ତତଃ ପ୍ରକାଶତେ ପରଂ ବ୍ରହ୍ମ ମେଘାପାୟେ ରବିରଶ୍ମିମଣ୍ଡଲୀବେତି ।

(ନାମଜପମହିମା)
ପୁନର୍ନାରଦଃ ପପ୍ରଚ୍ଛ ଭଗବନ୍-କୋଽସ୍ୟ ବିଧିରିତି ।
ତଂ ହୋବାଚ ନାସ୍ୟ ବିଧିରିତି ।
ସର୍ବଦା ଶୁଚିରଶୁଚିର୍ବା ପଠନ୍-ବ୍ରାହ୍ମଣଃ ସଲୋକତାଂ ସମୀପତାଂ ସରୂପତାଂ ସାୟୁଜ୍ୟମେତି ।
ୟଦାଽସ୍ୟ ଷୋଡଶୀକସ୍ୟ ସାର୍ଧତ୍ରିକୋଟୀର୍ଜପତି ତଦା ବ୍ରହ୍ମହତ୍ୟାଂ ତରତି ।
ତରତି ବୀରହତ୍ୟାମ୍ । ସ୍ୱର୍ଣ୍ଣସ୍ତେୟାତ୍-ପୂତୋ ଭବତି ।
ପିତୃଦେବମନୁଷ୍ୟାଣାମପକାରାତ୍-ପୂତୋ ଭବତି ।
ସର୍ବଧର୍ମପରିତ୍ୟାଗପାପାତ୍ସଦ୍ୟଃ ଶୁଚିତାମାପ୍ନୁୟାତ୍ ।
ସଦ୍ୟୋ ମୁଚ୍ୟତେ ସଦ୍ୟୋ ମୁଚ୍ୟତେ ଇତ୍ୟୁପନିଷତ୍ ।। ୩।।

ଓଁ ସହ ନାବବତୁ । ସହ ନୌ ଭୁନକ୍ତୁ । ସହ ବୀର୍ୟଙ୍କରବାବହୈ ।
ତେଜସ୍ୱିନାବଧୀତମସ୍ତୁ ମା ବିଦ୍ୱିଷାବହୈ ।
ଓଁ ଶାନ୍ତିଃ ଶାନ୍ତିଃ ଶାନ୍ତିଃ ।।

ହରିଃ ଓଁ ତତ୍ସତ୍ ।।

## ।। ଇତି ଶ୍ରୀକଲିସଂତରଣୋପନିଷତ୍ସମାପ୍ତା ।।

Not For Commercial Use